# REGIONAL NEWS UNIT, AIR CUTTACK

## Evening Bulletin (6.45 PM)

**8 August – 2026**

**************************************

## ମୁଖ୍ୟ ସମ୍ବାଦ

- ରାଜ୍ୟବ୍ୟାପୀ ଆସନ୍ତାକାଲିଠାରୁ ଆରମ୍ଭ ହେବ 'ଘରେ ଘରେ ତ୍ରିରଙ୍ଗା' କାର୍ଯ୍ୟକ୍ରମ
- ଜଣେ ଶିକ୍ଷକ ଥିବା ବିଦ୍ୟାଳୟରେ ଖୁବ୍ ଶୀଘ୍ର ଅତିରିକ୍ତ ଶିକ୍ଷକ ନିଯୁକ୍ତି କରିବେ ରାଜ୍ୟ ସରକାର
- ତୃତୀୟଲିଙ୍ଗୀଙ୍କ ଅଧିକାର, ସୁରକ୍ଷା ଓ ଆତ୍ମସମ୍ମାନକୁ ସୁନିଶ୍ଚିତ କରିବା ପାଇଁ ଗଠନ କରାଯିବ ସୁରକ୍ଷା ସେଲ

ଏବଂ

- ଲଘୁଚାପ ପ୍ରଭାବରେ ଆସନ୍ତା ୨୪ ଘଣ୍ଟା ମଧ୍ୟରେ ରାଜ୍ୟର ସମସ୍ତ ଜିଲ୍ଲାରେ ପ୍ରବଳ ବର୍ଷା ସମ୍ଭାବନା

# ଘରେ ଘରେ ତ୍ରିରଙ୍ଗା

ସ୍ୱାଧୀନତା ଦିବସ ପାଳନ ଅବସରରେ ରାଜ୍ୟବ୍ୟାପୀ ଆସନ୍ତାକାଲିଠାରୁ ୧୭ ତାରିଖ ପର୍ଯ୍ୟନ୍ତ 'ଘରେ ଘରେ ତ୍ରିରଙ୍ଗା' କାର୍ଯ୍ୟକ୍ରମ ଆୟୋଜନ କରାଯିବ। ଭୁବନେଶ୍ୱରଠାରୁ ଆରମ୍ଭ କରି ବ୍ଲକ୍ ଓ ପଂଚାୟତ ସ୍ତରରେ ଏହି କାର୍ଯ୍ୟକ୍ରମକୁ ସଫଳତାର ସହ ଆୟୋଜନ କରିବା ପାଇଁ ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ ପକ୍ଷରୁ ପ୍ରତ୍ୟେକ ଜିଲ୍ଲାକୁ ୧୦ ଲକ୍ଷ ଟଙ୍କା ଆର୍ଥିକ ଅନୁଦାନ ପ୍ରଦାନ କରାଯାଇଛି। ଆସନ୍ତାକାଲି କ୍ରୀଡା ଓ ଯୁବସେବା ବିଭାଗ ଆନୁକୂଲ୍ୟରେ ରାଜ୍ୟସ୍ତରୀୟ  ତ୍ରିରଙ୍ଗା ରାଲି ଆୟୋଜିତ ହେବ।

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଏଥିରେ ଯୋଗଦେବାର କାର୍ଯ୍ୟସୂଚୀ ରହିଛି।  ତ୍ରିରଙ୍ଗା ରାଲିରେ ସମସ୍ତ ସରକାରୀ ଅଧିକାରୀ, ଯୁବବର୍ଗ, ସ୍ୱେଚ୍ଛାସେବୀ ସଂଗଠନ, କ୍ରୀଡାବିତ୍, ଛାତ୍ରଛାତ୍ରୀ, ଏନ୍‌ସିସି ଓ ଏନ୍‌ଏସ୍‌ଏସ୍, ସ୍ୱେଚ୍ଛାସେବୀଙ୍କ ସମେତ ସାଧାରଣ ଜନତା ସାମିଲ ହେବେ। ଘରେ ଘରେ ତ୍ରିରଙ୍ଗା କାର୍ଯ୍ୟକ୍ରମକୁ ସଫଳ କରିବା ପାଇଁ ମିଶନ ଶକ୍ତି ବିଭାଗ ଅଧୀନରେ ଥିବା ମହିଳା ସ୍ୱୟଂ ସହାୟକ ଗୋଷ୍ଠୀଙ୍କ ଦ୍ୱାରା ୬୦ ଲକ୍ଷ ଜାତୀୟ ପତାକା ପ୍ରସ୍ତୁତ କରାଯାଇ ସମସ୍ତ ଜିଲ୍ଲାକୁ ବଣ୍ଟନ କରାଯିବ।

ଅନ୍ୟପକ୍ଷରେ, ଆସନ୍ତା ୧୪ ତାରିଖରେ ଜୟଦେବ ଭବନଠାରେ ରାଜ୍ୟସ୍ତରୀୟ ବିଭାଜନ ବୀଭିଷିକା ସ୍ମୃତି ଦିବସ ପାଳନ କରାଯିବ। ଏହି ଅବସରରେ ଏକ ଫଟୋଚିତ୍ର ଓ ଚଳଚ୍ଚିତ୍ର ପ୍ରଦର୍ଶନୀ ଅନୁଷ୍ଠିତ ହେବ।

କାର୍ଯ୍ୟକ୍ରମର ଆୟୋଜନ ନେଇ ଆଜି ଭୁବନେଶ୍ୱର ସଂସ୍କୃତି ଭବନ ପରିସରରେ ଓଡ଼ିଆ ଭାଷା ସାହିତ୍ୟ ଓ ସଂସ୍କୃତିମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜଙ୍କ ଅଧକ୍ଷତାରେ ଏକ ସାମ୍ବାଦିକ ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି। ମନ୍ତ୍ରୀ ଶ୍ରୀ ସୂରଜ ଅଭିଯାନ ସମ୍ପର୍କରେ ସୂଚନା ଦେଇ କହିଛନ୍ତି.....

**- V/O –**

# ଧର୍ମେନ୍ଦ୍ର ପ୍ରଧାନ

ଜାତୀୟ ଶିକ୍ଷାନୀତି-୨୦୨୦ ଆଧାରରେ ଛାତ୍ରଛାତ୍ରୀଙ୍କୁ ରୋଜଗାରକ୍ଷମ କରିବା ସରକାରଙ୍କ ମୂଳ ଲକ୍ଷ୍ୟ ବୋଲି ସାଂସଦ ଧର୍ମେନ୍ଦ୍ର ପ୍ରଧାନ କହିଛନ୍ତି। ସମ୍ବଲପୁର ଜିଲ୍ଲା ରେଢାଖୋଲଠାରେ କେନ୍ଦ୍ରୀୟ ବିଦ୍ୟାଳୟର କ୍ୟାମ୍ପସ୍ ନିର୍ମାଣ ପାଇଁ ଭୂମିପୂଜନ କରିବା ସହ ଅସ୍ଥାୟୀ ଭବନର ଉଦ୍‌ଘାଟନ କରି ଶ୍ରୀ ପ୍ରଧାନ କହିଛନ୍ତି, କେନ୍ଦ୍ରୀୟ ବିଦ୍ୟାଳୟ ଗୁଣାତ୍ମକ ଶିକ୍ଷା, ଅନୁଶାସନ, ଜାତୀୟତାବୋଧ ଓ ସାମଗ୍ରିକ ବିକାଶର କେନ୍ଦ୍ରବିନ୍ଦୁ। ଶିକ୍ଷାର ମୂଳଦୂଆ ମଜଭୁତ ଥିବା ଅଂଚଳରେ ପ୍ରଗତି ସମ୍ଭବ ହୋଇଥାଏ। ଜାତୀୟ ଶିକ୍ଷାନୀତି ଅଧୀନରେ ଛାତ୍ରଛାତ୍ରୀଙ୍କୁ ବହୁମୁଖୀ ଶିକ୍ଷା ପ୍ରଦାନ କରାଯାଉଛି ବୋଲି ଶ୍ରୀ ପ୍ରଧାନ କହିଛନ୍ତି।

# ଶିକ୍ଷକ ନିଯୁକ୍ତି

ରାଜ୍ୟରେ ଜଣେ ଶିକ୍ଷକ ଥିବା ବିଦ୍ୟାଳୟରେ ଖୁବ୍‌ଶୀଘ୍ର ଅତିରିକ୍ତ ଶିକ୍ଷକ ନିଯୁକ୍ତି ଦିଆଯିବ ବୋଲି ବିଦ୍ୟାଳୟ ଓ ଗଣଶିକ୍ଷାମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ କହିଛନ୍ତି। ଶିକ୍ଷକ ନିଯୁକ୍ତି ସମ୍ପର୍କରେ ବିଭାଗ ପକ୍ଷରୁ ସମସ୍ତ ଜିଲ୍ଲାପାଳଙ୍କୁ ଚିଠିରେ ନିର୍ଦ୍ଦେଶ ଦିଆଯାଇଛି। ୧୫ ଦିନ ମଧ୍ୟରେ ସ୍କୁଲଗୁଡ଼ିକୁ ଚିହ୍ନଟ କରି ତୁରନ୍ତ ପଦକ୍ଷେପ ନେବାକୁ କୁହାଯାଇଛି ବୋଲି ମନ୍ତ୍ରୀ ଶ୍ରୀ ଗଣ୍ଡ କହିଛନ୍ତି...

**- V/O –**

## ସଫେଇ କର୍ମଚାରୀ-ଗରିମା ସମ୍ମିଳନୀ

ସଫେଇ କର୍ମଚାରୀଙ୍କ ମର୍ଯ୍ୟାଦା, ସୁରକ୍ଷା, ସ୍ୱାସ୍ଥ୍ୟ ଓ କଲ୍ୟାଣକୁ ନିଶ୍ଚିତ କରିବା ଲକ୍ଷ୍ୟରେ ରାଜ୍ୟ ସରକାରଙ୍କ ଗୃହ ଓ ନଗର ଉନ୍ନୟନ ବିଭାଗ ପକ୍ଷରୁ ସମସ୍ତ ପୌରାଞ୍ଚଳରେ ୧୫ ଦିନିଆ ରାଜ୍ୟବ୍ୟାପୀ ସୂଚନା, ଶିକ୍ଷା ଓ ଯୋଗାଯୋଗ ଅଭିଯାନ ଆଇନ୍‌ଗତ ସଫେଇ, ସୁରକ୍ଷିତ ସଫେଇ ଆରମ୍ଭ ହୋଇଛି। ଗତକାଲିଠାରୁ ଆରମ୍ଭ ହୋଇଥିବା ଏହି ଅଭିଯାନ ଆସନ୍ତା ୨୧ ତାରିଖ ପର୍ଯ୍ୟନ୍ତ ଚାଲିବ। ଭୁବନେଶ୍ୱର ଲୋକସେବା ଭବନରେ ଆସନ୍ତା ୨୨ ତାରିଖରେ ରାଜ୍ୟସ୍ତରୀୟ ଗରିମା ସମ୍ମିଳନୀ ଆୟୋଜନ କରାଯିବ। ଏଥିରେ ଜାତୀୟସ୍ତରର ନୀତି ବିଶେଷଜ୍ଞ, ସରକାରୀ ପଦାଧିକାରୀ, ପୌରସଂସ୍ଥାର ପ୍ରତିନିଧି, ପ୍ରଯୁକ୍ତିଭିତ୍ତିକ ସୁରକ୍ଷିତ ସଫେଇ ଓ ସ୍ୱଚ୍ଛତା କର୍ମଚାରୀଙ୍କ ଦୀର୍ଘମିଆଦୀ ସାମାଜିକ ସୁରକ୍ଷା ସଂପର୍କରେ ଆଲୋଚନା କରାଯିବ। ଅଭିଯାନର ସଫଳ କାର୍ଯ୍ୟାନ୍ୱୟନ ପାଇଁ ବିଭାଗ ପକ୍ଷରୁ ସମସ୍ତ ସ୍ଥାନୀୟ ସ୍ୱାୟତ ଶାସନ ସଂସ୍ଥାଗୁଡ଼ିକୁ ଆବଶ୍ୟକୀୟ ଅର୍ଥ ପ୍ରଦାନ

କରାଯାଇଛି। ଅଭିଯାନର ଶେଷ ପର୍ଯ୍ୟାୟରେ କର୍ମଚାରୀ ଓ ସେବା ପ୍ରଦାନକାରୀଙ୍କୁ ସମ୍ମାନିତ କରାଯିବ।

## ତୃତୀୟଲିଙ୍ଗୀ ବୈଠକ

ତୃତୀୟଲିଙ୍ଗୀ ବ୍ୟକ୍ତିଙ୍କ ଅଧିକାର, ସୁରକ୍ଷା ଓ ଆତ୍ମସମ୍ମାନକୁ ସୁନିଶ୍ଚିତ କରିବା ପାଇଁ ସରକାର ପ୍ରତିବଦ୍ଧ ବୋଲି ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତୀକରଣ ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ କହିଛନ୍ତି। ଭୁବନେଶ୍ୱରଠାରେ ରାଜ୍ୟ ତୃତୀୟଲିଙ୍ଗୀ କଲ୍ୟାଣବୋର୍ଡର ବୈଠକରେ ଯୋଗଦେଇ ମନ୍ତ୍ରୀ କହିଛନ୍ତି, ସମାଜରେ ତୃତୀୟଲିଙ୍ଗୀ ସମ୍ପ୍ରଦାୟ ପାଇଁ ଥିବା ସୁଯୋଗ ଓ ସର୍ବାଙ୍ଗୀନ ବିକାଶ ପାଇଁ ଚାଲିଥିବା ବିଭିନ୍ନ ଯୋଜନାର ସମୀକ୍ଷା କରାଯାଇଛି। ସ୍ୱୀକୃତି ଯୋଜନା ମାଧ୍ୟମରେ ରାଜ୍ୟରେ ୮୦ଟି ତୃତୀୟଲିଙ୍ଗୀ ସ୍ୱୟଂ ସହାୟକ ଗୋଷ୍ଠୀ ଗଠନ କରାଯାଇଛି। ସ୍ମାଇଲ୍ ଯୋଜନାରେ ୩ ହଜାର ୧୫୯ ଜଣ ତୃତୀୟଲିଙ୍ଗୀଙ୍କୁ ପରିଚୟ ପତ୍ର ପ୍ରଦାନ କରାଯାଇଛି। ଭୁବନେଶ୍ୱରସ୍ଥିତ ଗରିମା ଗୃହରେ ୨୫ ଜଣ ସଦସ୍ୟ ରହୁଥିବାବେଳେ ଆୟୁଷ୍ମାନ ଭାରତ ଟିଜି ପ୍ଲସ୍ ସ୍ୱାସ୍ଥ୍ୟକାର୍ଡ ବଣ୍ଟନ ପ୍ରକ୍ରିୟା ଜାରି ରହିଛି। ତୃତୀୟଲିଙ୍ଗୀଙ୍କୁ ସରକାରୀ ଚାକିରିରେ ସମାନ ସୁଯୋଗ ଦେବା ପାଇଁ ଆବେଦନପତ୍ର ଓ ନିଯୁକ୍ତି ନିୟମାବଳୀରେ ତୃତୀୟଲିଙ୍ଗୀ ବିକଳ୍ପ ସାମିଲ କରିବାକୁ ମନ୍ତ୍ରୀ ସମସ୍ତ ବିଭାଗକୁ ନିର୍ଦ୍ଦେଶ ଦେଇଛନ୍ତି।

ସୁରକ୍ଷା ବ୍ୟବସ୍ଥାକୁ କଡାକଡି କରିବା ପାଇଁ ଜିଲ୍ଲାପାଳଙ୍କ ଅଧ୍ୟକ୍ଷତାରେ ତୃତୀୟଲିଙ୍ଗୀ ସୁରକ୍ଷା ସେଲ ଗଠନ, ସାଇବର ସୁରକ୍ଷା ସେଲ ଏବଂ ସ୍ୱତନ୍ତ୍ର

ସହାୟତା ନମ୍ବର ଆରମ୍ଭ କରିବାକୁ ପ୍ରସ୍ତାବ ଦିଆଯାଇଛି । ଶିକ୍ଷା, ସ୍ୱାସ୍ଥ୍ୟ ଓ ଆବାସିକ ଅଧିକାରକୁ ସୁନିଶ୍ଚିତ କରିବା ପାଇଁ ସରକାରୀ ମେଡିକାଲ କଲେଜ୍‌ରେ ବିନା ମୂଲ୍ୟରେ ଲିଙ୍ଗ ପରିବର୍ତ୍ତନ ଅସ୍ତ୍ରୋପଚାର ଓ ସ୍ୱତନ୍ତ୍ର ସ୍ୱାସ୍ଥ୍ୟସେବା ଯୋଗାଇ ଦେବା ଉପରେ ବୈଠକରେ ଆଲୋଚନା ହୋଇଛି । ଶିକ୍ଷାନୁଷ୍ଠାନଗୁଡ଼ିକରେ ଏକ ପ୍ରତିଶତ ସଂରକ୍ଷଣ, ଦେୟମୁକ୍ତ, ସ୍ୱତନ୍ତ୍ର ହଷ୍ଟେଲ ଓ ଶୌଚାଳୟ ସୁବିଧା କରାଯିବ ବୋଲି ମନ୍ତ୍ରୀ କହିଛନ୍ତି ।

## ସମବାୟ ସମାରୋହ

**କେନ୍ଦ୍ରାପଡା** ଜିଲ୍ଲା ସଂସ୍କୃତି ଭବନ ପରିସରରେ ସ୍ୱତନ୍ତ୍ର ସମବାୟ ସମାରୋହ ଅନୁଷ୍ଠିତ ହୋଇଯାଇଛି । ଜିଲ୍ଲା କ୍ରେଡିଟ୍ କୋ.ପରେଟିଭ୍ ସୋସାଇଟି ପକ୍ଷରୁ ଆୟୋଜିତ ସମାରୋହରେ ହାଇକୋର୍ଟର ବିଚାରପତି ଜଷ୍ଟିସ୍ ଆଦିତ୍ୟ ମହାପାତ୍ର ମୁଖ୍ୟଅତିଥି ଓ ପ୍ରଧାନମନ୍ତ୍ରୀଙ୍କ ଅର୍ଥନୈତିକ ପରାମର୍ଶଦାତା ପରିଷଦର ଯୁଗ୍ମ ସଚିବ ଡକ୍ଟର କମଳାକାନ୍ତ ତ୍ରିପାଠୀ ମୁଖ୍ୟ ବକ୍ତା ଭାବେ ଯୋଗଦେଇଥିଲେ । ସମବାୟ ସହାୟତାରେ ଦେଶ ଓ ରାଜ୍ୟର ଅର୍ଥନୈତିକ ବିକାଶ ହୋଇପାରିବ ବୋଲି ଅତିଥିମାନେ ମତ ବ୍ୟକ୍ତ କରିଥିଲେ ।

## ଏସ୍‌ଆଇଆର

ରାଜ୍ୟ ଅନୁସୂଚିତ ଜାତି ଓ ଜନଜାତି, ସଂଖ୍ୟାଲଘୁ ଏବଂ ପଛୁଆବର୍ଗ କଲ୍ୟାଣ ବିଭାଗ ସଚିବ ତଥା ବୌଦ୍ଧ ଜିଲ୍ଲାର  ନିର୍ବାଚନ ତାଲିକା ପର୍ଯ୍ୟବେକ୍ଷକ ବି.ପରମେଶ୍ୱରନ ଜିଲ୍ଲାରେ ସ୍ୱତନ୍ତ୍ର ସଘନ ଭୋଟର ତାଲିକା ସଂଶୋଧନ କାର୍ଯ୍ୟକ୍ରମର ଅଗ୍ରଗତି ସମୀକ୍ଷା କରିଛନ୍ତି । ଅନୁଷ୍ଠିତ ସମୀକ୍ଷା ବୈଠକରେ ଜିଲ୍ଲା ନିର୍ବାଚନ ପଞ୍ଜୀକରଣ ଅଧିକାରୀ ଓ ଅନ୍ୟାନ୍ୟ

ଅଧିକାରୀମାନଙ୍କୁ ଆସନ୍ତା ୨୦ ତାରିଖ ସୁଦ୍ଧା ସମସ୍ତ ଆପତ୍ତି ଅଭିଯୋଗର ସ୍ୱଚ୍ଛ ଢଙ୍ଗରେ ଶୁଣାଣି କରିବା ଲାଗି ଶ୍ରୀ ପରମେଶ୍ୱରନ ନିର୍ଦ୍ଦେଶ ଦେଇଛନ୍ତି।

## ପ୍ରତିଯୋଗିତା

**ନବରଙ୍ଗପୁର** ଜେ.ଇ.ଏଲ୍.ସି. ହାଇସ୍କୁଲ ଓ ନବରଙ୍ଗପୁର ଡିଗ୍ରୀ କଲେଜ ପରିସରରେ ୮୦ତମ ସ୍ୱାଧୀନତା ଦିବସ ପାଳନ ପରିପ୍ରେକ୍ଷୀରେ ହାଇସ୍କୁଲ ଓ କଲେଜ୍‌ସ୍ତରୀୟ ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ୨୦୪ ଜଣ ଛାତ୍ରଛାତ୍ରୀ ବିଭିନ୍ନ ବିଭାଗରେ ଭାଗ ନେଇଥିଲେ। ଆସନ୍ତା ଅଗଷ୍ଟ ୧୫ ସ୍ୱାଧୀନତା ଦିବସରେ କୃତି ପ୍ରତିଯୋଗୀମାନଙ୍କୁ ପୁରସ୍କାର ପ୍ରଦାନ କରାଯିବ।

## ଝାଡାବାନ୍ତୀ

**କଟକ** ଜିଲ୍ଲା ବାଙ୍କୀ ଉପଖଣ୍ଡ କଳାପଥର ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ରରେ ଝାଡାବାନ୍ତୀରେ ଆକ୍ରାନ୍ତ ହୋଇ ଚିକିତ୍ସିତ ହେଉଥିବା ୬ ଜଣ ସୁସ୍ଥ ହୋଇଛନ୍ତି। ତେବେ ଏହା ଗୋଷ୍ଠି ସଂକ୍ରମଣର ଲକ୍ଷଣ ନୁହେଁ ବୋଲି ଜିଲ୍ଲା ପ୍ରଶାସନ ପକ୍ଷରୁ କୁହାଯାଇଛି। ବର୍ଷାଋତୁ ପୂର୍ବରୁ ଜିଲ୍ଲାର ସମସ୍ତ ପାନୀୟଜଳ ଉତ୍ସକୁ ବିଶୋଧନ କରାଯାଇଥିବାବେଳେ ଏବେ ଦ୍ୱିତୀୟ ପର୍ଯ୍ୟାୟ ବିଶୋଧନ କାର୍ଯ୍ୟ ଚାଲିଥିବା ଜିଲ୍ଲା ପ୍ରଶାସନ ପକ୍ଷରୁ ସୂଚନା ଦିଆଯାଇଛି।

## ଚାଷୀ ପ୍ରଶିକ୍ଷଣ

**ମାଲକାନଗିରି** ନିୟନ୍ତ୍ରିତ ବଜାର କମିଟି ସମ୍ମିଳନୀ କକ୍ଷରେ ଉପଜିଲ୍ଲାପାଳ ଦୁର୍ଯ୍ୟୋଧନ ଭୋଇଙ୍କ ଅଧ୍ୟକ୍ଷତାରେ ଆଗାମୀ ଖରିଫ୍ ଋତୁ ପାଇଁ ଚାଷୀ ପଞ୍ଜୀକରଣ ସଂପର୍କିତ ଆଂଚଳିକସ୍ତରୀୟ ପ୍ରଶିକ୍ଷଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ସମବାୟ ସମିତି ସମୂହର ଉପନିବନ୍ଧକ ଥିଓଫିଲ ଶବର ଚାଷୀ ପଞ୍ଜୀକରଣ ପ୍ରକ୍ରିୟାକୁ ସ୍ୱଚ୍ଛ, ସରଳ ଏବଂ ତ୍ରୁଟିଶୂନ୍ୟ କରିବା ଲାଗି ବୈଷୟିକ ଦିଗ ଉପରେ ଆଲୋଚନା କରିଥିଲେ।

## ଖବର ସଂକ୍ଷିପ୍ତରେ...

**ଦେବଗଡ଼** ଜିଲ୍ଲାପାଳଙ୍କ ବିକାଶଭବନ ସମ୍ମିଳନୀକକ୍ଷରେ 'ବେଟି ବଚାଓ-ବେଟି ପଢାଓ' ସମନ୍ୱୟ ବୈଠକ ଅନୁଷ୍ଠିତ ହୋଇଯାଇଛି।

ଏମ୍ସ ଭୁବନେଶ୍ୱରରେ ଚାଲିଥିବା ୨ ଦିନିଆ ଜାତୀୟ ସମ୍ମିଳନୀ ଓ ଯକ୍ଷ୍ମା ସଂକ୍ରାନ୍ତୀୟ ନୀତି ନିର୍ଦ୍ଧାରଣ ଆଲୋଚନା ଉଦ୍‌ଯାପିତ ହୋଇଯାଇଛି।

**କେନ୍ଦୁଝର** ଜିଲ୍ଲାରେ କୁଷ୍ଠରୋଗ ଚିହ୍ନଟ ଓ ସଚେତନତା ଅଭିଯାନ ଆସନ୍ତା ୧୭ ତାରିଖରୁ ୩୧ ତାରିଖ ପର୍ଯ୍ୟନ୍ତ ଚାଲିବ।

**ଦେବଗଡ଼** ଜିଲାକୁ ସଚିବାଳୟର ୩୭ ଜଣ ସହାୟକ ସେକ୍ସନ ଅଧିକାରୀ ଗସ୍ତରେ ଆସି ଜିଲ୍ଲାରେ ଚାଲିଥିବା ବିଭିନ୍ନ ଉନ୍ନୟନମୂଳକ କାର୍ଯ୍ୟର ତଦାରଖ କରିଛନ୍ତି।

## ଫୁଟବଲ

**ନୂଆପଡା** ଜିଲ୍ଲା ଖଡିଆଳ ଅନୂପ ସିଂହଦେଓ ମେମୋରିଆଲ ଟ୍ରଷ୍ଟ ପକ୍ଷରୁ ସପ୍ତଦଶ ଫୁଟବଲ୍ ପ୍ରତିଯୋଗିତା ଆଜିଠାରୁ ଆରମ୍ଭ ହୋଇଛି।

ଉଦ୍‌ଘାଟନୀ ମ୍ୟାଚ୍‌ରେ ବୋର୍ଡେନ ଦଳ  ଜୁରାବନ୍ଧ ଦଳକୁ ୨/୧ ଗୋଲରେ ପରାସ୍ତ କରିଛି ।

## ପାଣିପାଗ

ଉତ୍ତର ଓଡ଼ିଶା ଏବଂ ସଂଲଗ୍ନ ଗାଙ୍ଗେୟ ପଶ୍ଚିମବଙ୍ଗ ଉପରେ ସୃଷ୍ଟ ଘୂର୍ଣ୍ଣିବଳୟ ଲଘୁଚାପରେ ପରିଣତ ହୋଇଛି । ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ,  ଲଘୁଚାପ ପ୍ରଭାବରେ ଆସନ୍ତା ସପ୍ତାହ ପର୍ଯ୍ୟନ୍ତ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ଲାଗି ରହିବ । ଆସନ୍ତା ୨୪ ଘଣ୍ଟା ମଧ୍ୟରେ ବଜ୍ରପାତ ସହ ପ୍ରବଳ ବର୍ଷା ନେଇ ପ୍ରାୟ ସମସ୍ତ ଜିଲ୍ଲାକୁ ପାଣିପାଗ କେନ୍ଦ୍ର ପକ୍ଷରୁ ସତର୍କ ସୂଚନା ଜାରି କରାଯାଇଛି ।

ଅନ୍ୟପକ୍ଷରେ ଆସନ୍ତା ୧୨ତାରିଖ ବେଳକୁ ଆଉ ଏକ ଲଘୁଚାପ ସୃଷ୍ଟି ହେବା ନେଇ ଭାରତୀୟ ପାଣିପାଗ ବିଭାଗ ପକ୍ଷରୁ ଅନୁମାନ କରାଯାଇଛି । ଏ ସଂପର୍କରେ ପାଣିପାଗ କେନ୍ଦ୍ର ନିର୍ଦ୍ଦେଶକ ମନୋରମା ମହାନ୍ତି କହନ୍ତି....

**- V/O –**

## ପାଣିପାଗ-ବନ୍ୟା

ରାଜ୍ୟର ସମସ୍ତ ନଦୀରେ ଜଳପତ୍ତନ ବିପଦସଂକେତଠାରୁ ନିମ୍ନରେ ରହିଥିବା ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ କହିଛନ୍ତି । ଆଜି ରାଜ୍ୟରେ ବନ୍ୟା ପରିସ୍ଥିତିର ସମୀକ୍ଷା କରିବା ଅବସରରେ ମନ୍ତ୍ରୀ ଶ୍ରୀ ପୂଜାରୀ କହିଛନ୍ତି, କେବଳ ଜଳକା, ଋଷିକୂଲ୍ୟା ଏବଂ ବଂଶଧାରାରେ ଜଳସ୍ତର ବୃଦ୍ଧି ପାଇଛି । ଯେକୌଣସି ପରିସ୍ଥିତର ମୁକାବିଲା କରିବା ଲାଗି ଓଡ୍ରାଫ, ଏନ୍‌ଡିଆରଏଫ୍ ଏବଂ ଅଗ୍ନିଶମ ବାହିନୀଗୁଡ଼ିକୁ

ପ୍ରସ୍ତୁତ ରଖାଯାଇଛି। ରାଜ୍ୟରେ ପ୍ରଥମ ପର୍ଯ୍ୟାୟ ବନ୍ୟା ପରେ କ୍ଷୟକ୍ଷତି ଆକଳନ ଲାଗି ସର୍ଭେ କାର୍ଯ୍ୟ ଆରମ୍ଭ ହୋଇଥିବା ଶ୍ରୀ ପୂଜାରୀ କହିଛନ୍ତି।